# ପଞ୍ଚଦଶ ପରିଚ୍ଛେଦ

**ବାଘସିଂହ ବଂଶ :**

ପ୍ରସିଦ୍ଧ ଆଇନ ଆକବରୀ ଲେଖକ ଆବୁଲ୍ ଫାଜଲ ବୋଲନ୍ତି ''ଓଡିଶାରେ ପ୍ରକୃତ ଭୂମ୍ୟଧିକାରୀ ଖଣ୍ଡାଏତମାନେ ଥିଲେ । '' ପ୍ରକୃତରେ ଗଜପତି ଦରବାରରେ ଖଣ୍ଡାମୁଠିଠାରୁ ଲେଖନ ମୁନପର୍ଯ୍ୟନ୍ତ ସମସ୍ତ ରାଜକାର୍ଯ୍ୟ ସେମାନଙ୍କ ହସ୍ତଗତ ଥିଲା । ବେତନ ନିମନ୍ତେ ଗନ୍ତାଘରୁ ନଗଦ ଟଙ୍କା ପାଉ ନ ଥିଲେ, ଓଡିଶାର ଅଧିକାଂଶ ଭୂମିଖଣ୍ଡ ଜାୟଗିରିସ୍ୱରୂପେ ପୁରୁଷାନୁକ୍ରମେ ବାଣ୍ଟି ଖାଉଥିଲେ । ଖଣ୍ଡାଏତମାନଙ୍କ ବାହୁବଳରେ ଓଡିଶା ବହୁ କାଳପର୍ଯ୍ୟନ୍ତ ସ୍ୱାଧୀନତା ରକ୍ଷା କରିବାକୁ ସକ୍ଷମ ହୋଇଥିଲା । ପଠାଣମାନେ ତିନି ବର୍ଷରୁ ଅଧିକ କାଳ ବଙ୍ଗଳାଦେଶରୁ ଡୁଙ୍ଗି ଡୁଙ୍ଗି ମଧ୍ୟ ସୁବର୍ଣ୍ଣରେଖା ପାର ହୋଇ ପାରି ନ ଥିଲେ । ପାଇକମାନେ ସର୍ବଦା ରାଜଦରବାରରେ ଉପସ୍ଥିତ ନ ଥାନ୍ତି । ଦଳପତିମାନେ ଆପଣା ଆପଣା ଅଧିନସ୍ଥ ପାଇକମାନଙ୍କୁ ଘେନି ଗୋଟିଏ ଗୋଟିଏ ଚକ୍ରରେ ବାସ କରୁଥିଲେ । ଦଳପତିମାନଙ୍କ ବୈଠକ ସ୍ଥାନର ନାମ ଚୌପାଢ଼ୀ । ସେ ସ୍ଥାନରେ ମାଲବିନ୍ଧାଣ , ଫରିଖେଳ, କାଣ୍ଡବିନ୍ଧା ଏବଂ ଗୁଳିମାରିବା ଏହି ଚାରି ପ୍ରକାର ବିଦ୍ୟାଲୋଚନା ହେଉଥିବା ଯୋଗୁ ଚୌପାଢ଼ୀ ନାମରେ କଥିତ ହେଉଥିଲା । ଗଜପତିବଂଶର ପତନ ଉତ୍ତାରେ ଟୋଡରମଲ ବଡ ବଡ ଚୌପାଢ଼ୀକୁ କିଲ୍ଲା ନାମରେ ବନ୍ଦୋବସ୍ତ କରିଅଛନ୍ତି । ଓଡିଶାର ଅନେକ ସ୍ଥାନରେ ଆଜିପର୍ଯ୍ୟନ୍ତ ନାମମାତ୍ର କ୍ଷୁଦ୍ର କ୍ଷୁଦ୍ର ଚୌପାଢ଼ୀ ବିଦ୍ୟମାନ ଥିବାର ଦେଖାଯାଏ ଏବଂ ପ୍ରାଚୀନ ଦଳପତିମାନଙ୍କର ଅଯୋଗ୍ୟ ବଂଶଧରର ମଧ୍ୟ ଅଭାବ ନାହିଁ ।

ଆମ୍ଭମାନଙ୍କର ବାଘସିଂହ ବଂଶ ପୂର୍ବୋକ୍ତ ଦଳପତିମାନଙ୍କର ଜଣେ ବଂଶଧର ଅଟନ୍ତି । ଏମାନଙ୍କର ସଂଜ୍ଞା ମଲ୍ଲ , ଜ୍ୟେଷ୍ଠପୁତ୍ରର ଉପାଧି ବାଘସିଂହ । ଜ୍ୟେଷ୍ଠପୁତ୍ର ଜାୟଗିରିର ଉତ୍ତରାଧିକାରୀ । ଅନ୍ୟ

ପୁତ୍ରମାନେ ଭାତିଆ ପାଆନ୍ତି । 'ପଦା ଭୂଇଁରେ ଗବଦାରୁ' । ବାଘସିଂହ ବଂଶ କ୍ଷୁଦ୍ର ଜାୟଗିରିଦାର ଥଲେ ମଧ୍ଯ ମଫସଲରେ ନାମ ଡାକ ଥିଲା । ରତନପୁର ମୌଜାରେ ଚୌପାଢ଼ୀ , ସେଟା ନିସ୍କର ଖଣ୍ଡାଏତୀ ମାହାଲ, ତାକୁ ଛାଡି ତାଲୁକେ ଫତେପୁର ସରଷଣ୍ଡ ଏବଂ କେତେକ ଖଣ୍ଡ ବାଜେ ରିପୋର୍ଟ ଜମିଦାରି ଥିଲା । ନଟବର ଘନଶ୍ୟାମ ବାଘସିଂହ ଜମିଦାରୀସବୁ ଉଡାଇଦେଇ ଯାଇଛନ୍ତି । ଲୋକଟା ବଡ ସାହାଖର୍ଚ୍ଚୀ ଥିଲେ । ଖର୍ଚ୍ଚବେଳେ ଆଗପଛ ବିଚାର ଥାଏ ନାହିଁ । ଆଜି ପାଞ୍ଚ ବୋଇଲେ ନାହିଁ, ସାତ ବୋଇଲେ ନାହିଁ, ହାତରେ ପଡିଲା ଦେ ଖରଚ । ମୁଁହ ହରାଇ ଜିନିଷଟାଏ ମାଗିଦେଲେ ନା ପଦ ଶୁଣିବ ନାହିଁ । ଭାଟ ଭିକାରୀପାଇଁ ଦ୍ୱାର ମେଲା । ଭାତହାଣ୍ଡି ବସାଇ ଚୋକାଇ ଘେନି ତାଙ୍କ ଆଗରେ ଛିଡାହେବାକୁ ଲୋକମାନଙ୍କର ଭରସା ଖଟୁଥିଲା । ଖାଇବା ଖୁଆଇବାକୁ ଷଣ୍ଢଟାଏ । ଗାଁଲୋକେ କହନ୍ତି , ବାଘସିଂହ ଆଗରେ ଯାହାକୁ ଥରେ ସରୁଚକୁଳି, ନଡିଆପୁର ମଣ୍ଡା , ପାଲୁଅ-କ୍ଷୀରୀ ଖୁଆଇଛନ୍ତି , ବଞ୍ଚିଥିବାଯାଏ ତାହା ମନରୁ ଯିବ ନାହିଁ । ନଟବର ଘନଶ୍ୟାମଙ୍କ ଦେହକରେ ରଣ ଥିଲା, ତାଙ୍କ ପଛେ ପଛେ ଜମିଦାରୀ ସବୁ ଯାଇଅଛି, ଥିବା ମଧ୍ୟରେ ଖଣ୍ଡାଏତୀ ମାହାଲ । ନଟବର ଘନଶ୍ୟାମ ବାଘସିଂହଙ୍କର ଚାରି ପୁଅ । ଜ୍ୟେଷ୍ଠ ଭୀମସେନ, ଅନ୍ୟ ତିନି ପୁଅ ପହ୍ଲାଦ ମଲ୍ଲ , କୁଚୁଳି ମଲ୍ଲ , ବଳରାମ ମଲ୍ଲ । ପୁଅମାନେ ବାପା ପରି ଉଡାବାଜ ନୁହନ୍ତି , ଚାରିଆଡକୁ ନଜର ରଖି ଚାଲନ୍ତି । ପୂର୍ବ ସମ୍ପତ୍ତି ନାହିଁ, ଏକରକମେ ଦୁଃଖେରାମ, ସୁଖେ ରାମ ଚଳିଯାଏ । ପାଟ ଚିରିଲେ ପାଟ କନା, ପୁରୁଣା ଘର ବୋଲି ଲୋକେ ମାନନ୍ତି , ଭୟ ଭକ୍ତି କରନ୍ତି । ରତନପୁର ମୌଜାରେ ବାଘସିଂହ ଘର ଛାଡି ଗଉଡ, ଭଣ୍ଡାରୀ , ରାଢ଼ୀ ଗୁଡିଆ, ପୁଅଭାୟା ଅଠର ଘର । ଏମାନେ ବାଘସିଂହ ପୂର୍ବବଂଶ ଦିଆକ ଜାୟଗିରି ପୁରୁଷାନୁକ୍ରମେ ଭୋଗ କରି ଆସୁଅଛନ୍ତି । ଦରକାରବେଳେ ବାଘସିଂହ ଘରେ ବେଠି କରନ୍ତି । ପୁରୋହିତ ଘର ମଧ୍ଯ ଏହି ଗ୍ରାମରେ । ଏମାନଙ୍କୁ ଛାଡି ଡମ ଆଠ ଘର, ପର୍ବପର୍ବାଣୀରେ ବାଜା ବଜାଇବା ସକାଶେ ଏମାନଙ୍କର ଜାୟଗିରି ଅଛି । ବାଘସିଂହ ଘରେ ପହରାଦେବା ଏମାନଙ୍କର ଆଉଗୋଟିଏ କାର୍ଯ୍ୟ । ଆଜକୁ ତିନି ବରଷ ହେଲା ନାନା କାରଣରୁ ମଙ୍ଗରାଜଙ୍କ ସହିତ ବାଘସିଂହ ବଂଶର ଭାରି

କଳି ଲାଗିଅଛି । ମଙ୍ଗରାଜେ ଖୁବ୍ ବୁଦ୍ଧିମାନ , ମାଲି ମାମଲାରେ ଖୁବ୍ ଜାହାଁବାଜ; କିନ୍ତୁ ଠେଙ୍ଗାନାମ ଶୁଣିଲେ ଘରୁ ବାହରନ୍ତି ନାହିଁ । ଏଣେ ବାଘସିଂହ ବଂଶ ବୋଲନ୍ତି , ''ଠେଙ୍ଗା ସର୍ବାର୍ଥସାଧିକା '' । ବିଶେଷରେ ଡମମାନଙ୍କ ଭୟରେ ମଙ୍ଗରାଜଙ୍କ ଲୋକେ ରତନପୁର ପାଖ ପଶିପାରନ୍ତି ନାହିଁ; କିନ୍ତୁ ଡମମାନେ ବାଡି ମଧ୍ୟରେ ଚୋରାମାଲ ପୋତି ରଖିଥିବା ଅପରାଧରେ ଜେଲ ଯାଇଅଛନ୍ତି । ଲୋକେ ବୋଲନ୍ତି , ଡମମାନେ କୌଣସି ପୁରୁଷରେ ଚୋରିବିଦ୍ୟା ଜଣନ୍ତି ନାହିଁ, ମଙ୍ଗରାଜଙ୍କର ଏଥିରେ ଦୁଇଥଳୀ ଟଙ୍କା ଖରଚ । ମଙ୍ଗରାଜଙ୍କ ଉଦୁଆଁ ଗୋରୁ ରତନପୁର ମୌଜାରେ ଫନ୍ଦା ଉଜାଡ କରିବାରୁ ସେଦିନ ବଳରାମ ମଲ୍ଲେ ଗୋବିନ୍ଦପୁର ମୌଜା ଦୋକାନପିଣ୍ଡାରେ ବସି ମଙ୍ଗରାଜଙ୍କୁ ଦୁଇପଦ ଶୋଧିଦେଲେ । ମଙ୍ଗରାଜେ ପାଟି ଫିଟାଇ ପାରିଲେ ନାହିଁ । ଗୋବିନ୍ଦପୁରଠାରୁ ରତନପୁର ଦୁଇକୋଶ ଛଡା; ମାତ୍ର ଦୁଇ ମୌଜାର ବିଲ ଲଗା ଲଗି । ମଙ୍ଗରାଜଙ୍କ ଗୋରୁ ରତନପୁର ମୌଜା ଉଜାଡ କରୁଥିବାର ସର୍ବଦା ଶୁଣାଯାଏ ।

--0--